OFFICE OF THE ELECTION OFFICER N.A.C., PURUSHOTTAMPUR

# APPENDIX A TO SCHEDULE III

## ପୁରୁଷୋତ୍ତମପୁର ଅଧିସୂଚିତ କ୍ଷେତ୍ର ପରିଷଦ

## ପ୍ରେସ ବିଜ୍ଞପ୍ତି

ପୁରୁଷୋତ୍ତମପୁର ଅଧିସୂଚିତ କ୍ଷେତ୍ର ପରିଷଦର ନିର୍ବାଚନ ନିମନ୍ତେ ଭୋଟର ତାଲିକା ପ୍ରସ୍ତୁତି ପାଇଁ ରାଜ୍ୟ ନିର୍ବାଚନ କମିଶନ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ଜାନୁଆରୀ ୨୦୨୨ ରେ ପ୍ରକାଶିତ ବିଧାନ ସଭା ଭୋଟର ତାଲିକାକୁ ଭିତ୍ତିକରି ପ୍ରାଥମିକ ଭୋଟର ତାଲିକା ପୁରୁଷୋତ୍ତମପୁର ଅଧିସୂଚିତ କ୍ଷେତ୍ର ପରିଷଦର କାର୍ଯ୍ୟାଳୟରେ ପ୍ରକାଶନ କରାଯାଇଛି ଏବଂ ସର୍ବସାଧାରଣଙ୍କ ପରିଦର୍ଶନ ପାଇଁ ଉକ୍ତ ଭୋଟର ତାଲିକା **ନିର୍ବାଚନ ଅଧିକାରୀ, ପୁରୁଷୋତ୍ତମପୁର ବିଜ୍ଞାପିତ ଅଞ୍ଚଳ ପରିଷଦଙ୍କ** କାର୍ଯ୍ୟାଳୟରେ ତାରିଖ **୧୧.୦୨.୨୦୨୨** ରୁ ତାରିଖ **୧୫.୦୨.୨୦୨୨** ପର୍ଯ୍ୟନ୍ତ ଉନ୍ମୁକ୍ତ ରହିବ । ଭୋଟରମାନଙ୍କୁ ଜଣାଇ ଦିଆଯାଇଛି ଯେ, ତାଙ୍କର ନାମ ସଂପୃକ୍ତ ୱାର୍ଡରେ ଠିକ ଭାବେ ଭୋଟର ତାଲିକା ଭୁକ୍ତ ହୋଇଛି କି ନାହିଁ ତନଖି କରିନିଅନ୍ତୁ । ଯଦି କୌଣସି ଭୋଟରଙ୍କ ନାମ ବିଧାନ ସଭା ଭୋଟର ତାଲିକାଭୁକ୍ତ ଥାଇ ୱାର୍ଡୱାରୀ ପ୍ରସ୍ତୁତ ହୋଇଥିବା ଅଧିସୂଚିତ କ୍ଷେତ୍ର ପରିଷଦ ଭୋଟର ତାଲିକାରେ ସ୍ଥାନ ପାଇ ନ ଥାଏ ତେବେ ଭୋଟର ତାଲିକାରେ ନାମ ଅନ୍ତର୍ଭୁକ୍ତ, ସଂଶୋଧନ କରିବା ପାଇଁ ଫାରମ ନଂ III ରେ ଦରଖାସ୍ତ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ତାରିଖ **୧୧.୦୨.୨୦୨୨** ରୁ ତାରିଖ **୧୬.୦୨.୨୦୨୨** ମଧ୍ୟରେ ଦାଖଲ କରିପାରିବେ ଏବଂ ଯେଉଁମାନଙ୍କର ନାମ ଭୁଲ ୱାର୍ଡରେ ଅନ୍ତର୍ଭୁକ୍ତ ହୋଇଥିବ ସେମାନେ ମଧ୍ୟ ସଂଶୋଧନ ପାଇଁ ଫାରମ ନଂ IV ରେ ଦରଖାସ୍ତ ତାରିଖ **୧୧.୦୨.୨୦୨୨** ରୁ ତାରିଖ **୧୬.୦୨.୨୦୨୨** ମଧ୍ୟରେ ଦାଖଲ କରି ପାରିବେ । ପ୍ରାଥମିକ ଭୋଟର ତାଲିକାରେ ଅନ୍ତର୍ଭୁକ୍ତ ହୋଇଥିବା କୌଣସି ଭୋଟରଙ୍କର ନାମ ସଂପର୍କରେ ଆପତ୍ତି ଫାରମ ନଂ IV ରେ ଉପରୋକ୍ତ ତାରିଖ ମଧ୍ୟରେ ଦାଖଲ କରିପାରିବେ । ଫାରମ ନଂ III ଓ ଫାରମ ନଂ IV ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରୁ ବିନା ମୂଲ୍ୟରେ ମିଳିପାରିବ । ଯଦି ନିର୍ଦ୍ଧାରିତ ଛପା ଫାରମ ନ ମିଳେ, ତେବେ ତାହାର ଅବିକଳ ନକଲ ହାତରେ ଲେଖି ଅଥବା ଟାଇପ, ଫଟୋକପି କିମ୍ବା ସାଇକ୍ଲୋଷ୍ଟାଇଲ କରି ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ଦାଖଲ କରିପାରିବେ ।

10/02/22

ନିର୍ବାଚନ ଅଧିକାରୀ
ବିଜ୍ଞାପିତ ଅଞ୍ଚଳ ପରିଷଦ
ପୁରୁଷୋତ୍ତମପୁର

ନିର୍ବାଚନ ଅଧିକାରୀ
ବିଜ୍ଞାପିତ ଅଞ୍ଚଳ ପରିଷଦ
ପୁରୁଷୋତ୍ତମପୁର